# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**31 March – 2026**

---

## ଓଡ଼ିଆ ପକ୍ଷ

ଏପ୍ରିଲ୍ ୧ ତାରିଖ ଉତ୍କଳ ଦିବସରୁ ୧୪ ତାରିଖ ପର୍ଯ୍ୟନ୍ତ ଓଡ଼ିଆ ପକ୍ଷ ପାଳନ ଲାଗି ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ବ୍ଲକ୍ ସ୍ତରରୁ ଆରମ୍ଭ କରି ରାଜ୍ୟ ସ୍ତର ପର୍ଯ୍ୟନ୍ତ ଭାଷା, ସାହିତ୍ୟ, ସଂସ୍କୃତି ଏବଂ ଐତିହ୍ୟକୁ ପ୍ରୋତ୍ସାହିତ କରିବାପାଇଁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯିବ ବୋଲି ଜଣାପଡ଼ିଛି ।

ଆସନ୍ତାକାଲି ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଜନ୍ମପୀଠ ପୁରୀ ଜିଲ୍ଲା ସୁଆଣ୍ଡୋଠାରେ ଏବଂ ସନ୍ଧ୍ୟାରେ ଭୁବନେଶ୍ୱରସ୍ଥିତ କୃଷି ଶିକ୍ଷା ସଦନଠାରେ ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ପାଳନ କରାଯିବ । ନୂଆଦିଲ୍ଲୀ ସମେତ ସମସ୍ତ ଜିଲ୍ଲା ଓ ଉପଖଣ୍ଡ ସ୍ତରରେ ଓଡ଼ିଆ ଦିବସ ପାଳନ ହେବ । ଏପ୍ରିଲ୍ ୨ତାରିଖରେ ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଖଡ଼ିଛୁଆଁ ଓ ପ୍ରବେଶ ଉତ୍ସବ, ୩ତାରିଖରେ ଆମ ପୋଷାକ ଆମ ପରିଚୟ, ୪ ତାରିଖରେ ଓଡ଼ିଆରେ ନାମଫଳକ ବ୍ୟବହାର ସମ୍ପର୍କିତ ଅଭିଯାନ ଏବଂ ୫ ତାରିଖରେ ଐତିହ୍ୟ ଗଣଦୌଡ଼ ଆୟୋଜନ କରାଯିବ ।

ସେହିପରି ଏପ୍ରିଲ୍ ୬ ତାରିଖରେ ମନ୍ଦିର ଓ ଐତିହ୍ୟସ୍ଥଳୀରେ ସ୍ୱଚ୍ଛତା ଅଭିଯାନ, ୭ରେ ଶିଶୁ କଥା ଦିବସ, ୮ ତାରିଖରେ ରକ୍ତଦାନ ଶିବିର, ୯ରେ ଆସ ବହିଟିଏ କିଣିବା, ୧୦ ତାରିଖରେ ଲୋକକଳା ପାଇଁ ଦିନଟିଏ, ୧୧ରେ ଅମୃତ ପିଢ଼ି ସାରସ୍ୱତ ସମାରୋହ, ୧୨ରେ ବନ୍ଦନୀୟ ବରପୁତ୍ର, ୧୩ରେ ଆମ ରୁଚି ଆମ ଖାଦ୍ୟ ଏବଂ ଏପ୍ରିଲ୍ ୧୪ ତାରିଖରେ ଓଡ଼ିଆ ନବବର୍ଷ ପାଳନ କରାଯିବ । ସେହିଦିନ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟଠାରେ ରାଜ୍ୟସ୍ତରୀୟ ଓଡ଼ିଆ ନବବର୍ଷ ପାଳନ ସହ ଓଡ଼ିଆ ପକ୍ଷର ଉଦ୍‌ଯାପନୀ ସମାରୋହ ଅନୁଷ୍ଠିତ ହେବ ।

---

## ମୁଖ୍ୟମନ୍ତ୍ରୀ ବୈଠକ

ପଶ୍ଚିମ ଏସିଆରେ ସୃଷ୍ଟି ହୋଇଥିବା ପରିସ୍ଥିତି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜିଲ୍ଲାପାଳମାନଙ୍କ ସହ ଆଲୋଚନା କରି ଅସାଧୁ ବ୍ୟବସାୟୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଲାଗି ନିର୍ଦ୍ଦେଶ ଦେଇଛନ୍ତି । ବିଭିନ୍ନ ଜିଲ୍ଲାର ସ୍ଥିତି ଅନୁଧ୍ୟାନ କରି ୨୪ ଘଣ୍ଟିଆ ସତର୍କତା ଅବଲମ୍ବନ କରିବାକୁ ମୁଖ୍ୟମନ୍ତ୍ରୀ କହିଛନ୍ତି । ବିଶେଷକରି ଗୁଜବ ସୃଷ୍ଟି କରୁଥିବା ଲୋକମାନଙ୍କ ବିରୋଧରେ ଦୃଢ଼ ପଦକ୍ଷେପ ନେବା ସହିତ ସାମାଜିକ ଗଣମାଧ୍ୟମ ଉପରେ ସ୍ୱତନ୍ତ୍ର ଭାବେ ଧ୍ୟାନଦେବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

---

# ମୁଖ୍ୟମନ୍ତ୍ରୀ-ସମୀକ୍ଷା ବୈଠକ

ରାଜ୍ୟରେ ଶିଳାନ୍ୟାସ ହୋଇଥିବା ସମସ୍ତ ବିଦ୍ୟାଳୟର ନିର୍ମାଣ କାର୍ଯ୍ୟ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ଦ୍ଦେଶ ଦେଇଛନ୍ତି । ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ପଣ୍ଡିତ ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ବିଦ୍ୟାଳୟ ପ୍ରକଳ୍ପ ଅଗ୍ରଗତି ସଂପର୍କିତ ସମୀକ୍ଷା ବୈଠକରେ ପ୍ରତ୍ୟେକ ବିଦ୍ୟାଳୟ ନିର୍ମାଣ ପାଇଁ ପ୍ରାରମ୍ଭିକ ପର୍ଯ୍ୟାୟରେ ସଠିକ୍ ବ୍ୟୟ ଅଟକଳ ନିର୍ଦ୍ଧାରଣ ଉପରେ ଗୁରୁତ୍ୱ ଦିଆଯାଇଛି । ଆବଶ୍ୟକତାକୁ ଦୃଷ୍ଟିରେ ରଖି ବିଦ୍ୟାଳୟ ନିର୍ମାଣ ପାଇଁ ଅଧିକ ଅର୍ଥ ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ପାଠପଢ଼ା ସହ ଖେଳ କସରତ ପାଇଁ ବ୍ୟବସ୍ଥା କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

---

# ସୁଭଦ୍ରା-ଆବେଦନ

ରାଜ୍ୟ ସରକାରଙ୍କ ମହିଳା କୈନ୍ଦ୍ରିକ ଯୋଜନା ସୁଭଦ୍ରାରେ ସାମିଲ ହେବା ଲାଗି ଆସନ୍ତାକାଲିଠାରୁ ଆବେଦନ ପ୍ରକ୍ରିୟା ଆରମ୍ଭ ହେବ । ନୂତନ ହିତାଧିକାରୀମାନେ ଆସନ୍ତା ଏପ୍ରିଲ୍ ମାସ ୩୦ ତାରିଖ ସୁଦ୍ଧା ଆବେଦନ କରିପାରିବେ । ୨୧ ବର୍ଷରୁ ଅଧିକ ଏବଂ ୬୦ ବର୍ଷରୁ କମ୍ ତଥା ଅନ୍ୟ ସମସ୍ତ ଯୋଗ୍ୟତା ମାନଦଣ୍ଡ ପୂରଣ କରୁଥିବା ମହିଳାମାନେ ଅଙ୍ଗନବାଡ଼ି କେନ୍ଦ୍ର ଏବଂ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀଙ୍କ କାର୍ଯ୍ୟାଳୟରୁ ନିଃଶୁଳ୍କ ଫର୍ମ ନେଇ ଆବେଦନ କରିପାରିବେ ।

---

## ନନ୍ଦନକାନନ

ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ଆସନ୍ତାକାଲିଠାରୁ ନନ୍ଦନକାନନ ପ୍ରାଣୀ ଉଦ୍ୟାନ ଏବଂ ରାଜ୍ୟ ଉଦ୍ଭିଦ ଉଦ୍ୟାନ ସମୟ ନିର୍ଘଣ୍ଟରେ ପରିବର୍ତ୍ତନ କରାଯାଇଛି । ଏପ୍ରିଲ ପହିଲାରୁ ଉଭୟ ଉଦ୍ୟାନ ସକାଳ ୭ଟା ୩୦ରୁ ସନ୍ଧ୍ୟା ୫ଟା ୩୦ ପର୍ଯ୍ୟନ୍ତ ଖୋଲା ରହିବ । ପ୍ରତ୍ୟେକ ସୋମବାର ଉଭୟ ଉଦ୍ୟାନ ବନ୍ଦ ରହିବ । ସେପ୍ଟେମ୍ବର ମାସ ୩୦ ତାରିଖ ପର୍ଯ୍ୟନ୍ତ ଏହି ସମୟ ନିର୍ଘଣ୍ଟ ବଳବତ୍ତର ରହିବ ବୋଲି ନନ୍ଦନକାନନ ପ୍ରାଣୀ ଉଦ୍ୟାନର ଉପନିର୍ଦ୍ଦେଶକଙ୍କ ସୂତ୍ରରୁ ଜଣାପଡ଼ିଛି ।

## ଆମ ବଜେଟ୍ କାର୍ଯ୍ୟକ୍ରମ

ରାଜ୍ୟ ବଜେଟ୍ ସଂପର୍କରେ ଜନସାଧାରଣଙ୍କୁ ଅବଗତ କରାଇବା ଏବଂ ପ୍ରଶାସନିକ ସ୍ୱଚ୍ଛତାକୁ ସୁଦୃଢ଼ କରିବା ଲକ୍ଷ୍ୟରେ ମାଲକାନଗିରି ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ 'ଆମେ ଜାଣିବା ଆମ ବଜେଟ୍' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ବିଭିନ୍ନ ବିଭାଗୀୟ ମୁଖ୍ୟ ଓ ପଞ୍ଚାୟତିରାଜ ପ୍ରତିନିଧିମାନେ ଯୋଗଦେଇ ବଜେଟ୍ ପ୍ରସ୍ତୁତି ଓ କାର୍ଯ୍ୟକାରିତା ସଂପର୍କରେ ଆଲୋଚନା କରିଥିଲେ ।

# ଲୋକନୃତ୍ୟ

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର କବିସୂର୍ଯ୍ୟ ମଣ୍ଡପରେ କେନ୍ଦ୍ର ସଂସ୍କୃତି ମନ୍ତ୍ରଣାଳୟ ସହଯୋଗରେ ଗଞ୍ଜାମର ଲୋକନୃତ୍ୟ ପ୍ରଦର୍ଶନ ହୋଇଯାଇଛି । ଅନୁଷ୍ଠିତ କାର୍ଯ୍ୟକ୍ରମରେ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ଓଡ଼ିଆ ଗଳ୍ପ 'ବିହଙ୍ଗ ବିପ୍ଲବ' ଏବଂ 'ଡାକ ମୁନ୍‌ସୀ'ର ନାଟ୍ୟ ରୂପାନ୍ତର ପ୍ରଦର୍ଶନ କରାଯାଇଥିଲା ।

# ଚୈତ୍ର ମଙ୍ଗଳବାର

ଗଞ୍ଜାମ ଜିଲ୍ଲାର ଅଧିଷ୍ଠାତ୍ରୀ ଦେବୀ ମା' ତାରାତାରିଣୀଙ୍କ ଚୈତ୍ରମାସ ଚତୁର୍ଥ ମଙ୍ଗଳବାରରେ ଆଜି ମା' ବାସନ୍ତୀକ ଦୁର୍ଗା ବେଶରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେଉଛନ୍ତି । ରାତ୍ରି ସାଢ଼େ ଗୋଟାଏରେ ଦୁଆରଫିଟା ନୀତି ହେବା ପରେ ମାଜଣା, ଅବକାଶ, ଶୃଙ୍ଗାର ଓ ମଙ୍ଗଳଆଳତୀ ପରେ ମାଆଙ୍କୁ ବାସନ୍ତୀକ ଦୁର୍ଗା ବେଶରେ ସୁସଜ୍ଜିତ କରାଯାଇଛି ।

# ଶ୍ରୀରାମ ନବମୀ ଯାତ୍ରା

ନୟାଗଡ଼ ଜିଲ୍ଲା ଓଡ଼ଗାଁରେ ପ୍ରସିଦ୍ଧ ଶ୍ରୀରଘୁନାଥଜୀଉଙ୍କ ପୀଠରେ ଶ୍ରୀରାମ ନବମୀ ଯାତ୍ରା ଅବସରରେ ଗତକାଲି ଚତୁର୍ଥ ସନ୍ଧ୍ୟାରେ ଗଙ୍ଗା ପାର ବେଶରେ ଶ୍ରୀଜୀଉ ଶ୍ରଦ୍ଧାଳୁମାନଙ୍କୁ ଦର୍ଶନ ଦେଇଛନ୍ତି । ଏହି ବେଶ ଦର୍ଶନ ପାଇଁ ମନ୍ଦିରରେ ଶ୍ରଦ୍ଧାଳୁମାନଙ୍କ ଭିଡ଼ ଲାଗି ରହିଥିଲା ।

# ବିଜୟା ଦଶମୀ

ଭଦ୍ରକ ଜିଲ୍ଲା ଧାମନଗରରେ ଚାଲିଥିବା ଶ୍ରୀରାମ ବିଜୟାଦଶମୀ ମହୋତ୍ସବର ଉଦ୍‌ଯାପନୀ ସନ୍ଧ୍ୟାରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥି ଭାବେ ଯୋଗଦେଇ ରାବଣ ପୋଡ଼ି ଉତ୍ସବରେ ସାମିଲ ହୋଇଥିଲେ । ଓଡ଼ିଆ ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖି ପ୍ରଭୁ ଶ୍ରୀରାମଙ୍କ ଆଦର୍ଶକୁ ଗ୍ରହଣ କରିବାକୁ ସେ ପରାମର୍ଶ ଦେଇଥିଲେ ।

---

# ଘଟ ଯାତ୍ରା

ନବରଙ୍ଗପୁର ଜିଲ୍ଲା ତେନ୍ତୁଳିଖୁଣ୍ଟି ସଦର ମହକୁମାଠାରେ ମା'ଠାକୁରାଣୀଙ୍କ ଘଟଯାତ୍ରା ଆରମ୍ଭ ହୋଇଛି । ମା'ଠାକୁରାଣୀ ମନ୍ଦିରରୁ ବାହାରି ଗ୍ରାମ ପରିକ୍ରମା କରିବା ସହ ଘରକୁଘର ପୂଜା ପାଉଥିବା ବେଳେ ଏହି ଯାତ୍ରା ୩ ଦିନ ଧରି ଚାଲିବ ବୋଲି ଜଣାପଡ଼ିଛି ।

---

# ପାଣିପାଗ

ରାଜ୍ୟରେ ଦିନ ତାପମାତ୍ରାରେ ବୃଦ୍ଧି ଘଟିଛି । ଗତକାଲି ଟିଟିଲାଗଡ଼ରେ ସର୍ବାଧିକ ତାପମାତ୍ରା ୪୧ ଦଶମିକ ୮ ଡିଗ୍ରୀ ସେଲ୍‌ସିୟସ ରେକର୍ଡ କରାଯାଇଥିବା ବେଳେ ଭବାନୀପାଟଣା ଓ ବଲାଙ୍ଗୀରରେ ୪୦ ଦଶମିକ ୨ ଡିଗ୍ରୀ ସେଲ୍‌ସିୟସ୍ ତାପମାତ୍ରା ରହିଥିଲା । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁଯାୟୀ, ଆସନ୍ତା ୨୪ ଘଣ୍ଟା

ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ଭଦ୍ରକ ଓ ବାଲେଶ୍ୱରକୁ କାଳବୈଶାଖୀ ଜନିତ ବଜ୍ରପାତ ଓ ଝଡ଼ବର୍ଷା ନେଇ ସତର୍କ ସୂଚନା ଜାରି କରାଯାଇଛି ।